# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**03 June – 2026**

**********************************

## ମୁଖ୍ୟ ସମ୍ବାଦ

- କେନ୍ଦ୍ର କ୍ୟାବିନେଟ୍‌ରେ ରାମେଶ୍ୱର-ପାରାଦ୍ୱୀପ୍ ଉପକୂଳ ରାଜପଥ ନିର୍ମାଣକୁ ମଞ୍ଜୁରୀ

— ଏହି ନିଷ୍ପତ୍ତି ପର୍ଯ୍ୟଟନ, ଶିଳ୍ପ ଓ ଅର୍ଥନୈତିକ ବିକାଶ କ୍ଷେତ୍ରରେ ସହାୟକ ହେବ; କହିଲେ ମୁଖ୍ୟମନ୍ତ୍ରୀ

- ବିପର୍ଯ୍ୟୟ ପରିଚାଳନା କ୍ଷେତ୍ରରେ ଓଡ଼ିଶା ଉଲ୍ଲେଖନୀୟ ସଫଳତା ହାସଲ କରିଥିବା ନେଇ ପୁରୀରେ ଆୟୋଜିତ ବ୍ରିକ୍ସ ରାଷ୍ଟ୍ରସମୂହ ବୈଠକରେ ମତ ପ୍ରକାଶ

- ଓଡ଼ିଶା ୫ଟି ବର୍ଗରେ ପାଇଲା ଜାତୀୟ ପଂଚାୟତ ପୁରସ୍କାର

ଏବଂ

- ଦକ୍ଷିଣ-ପଶ୍ଚିମ ମୌସୁମୀବାୟୁ ଆସନ୍ତାକାଲି କେରଳମ୍ ସ୍ପର୍ଶ କରିବା ନେଇ ପାଣିପାଗ ବିଭାଗର ଆକଳନ

# କ୍ୟାବିନେଟ୍-ଜାତୀୟ ରାଜପଥ

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କେନ୍ଦ୍ର କ୍ୟାବିନେଟ୍ ବୈଠକରେ ଓଡ଼ିଶାରେ ପ୍ରଥମ ପର୍ଯ୍ୟାୟରେ ରାମେଶ୍ୱରଠାରୁ କୋଣାର୍କ ଦେଇ ପାରାଦ୍ୱୀପ ପର୍ଯ୍ୟନ୍ତ ଗ୍ରୀନ୍ ଫିଲ୍ଡ, 'କୋଷ୍ଟାଲ ହାଇୱେ'-ଉପକୂଳ ରାଜପଥ ନିର୍ମାଣ ପାଇଁ ମଞ୍ଜୁରୀ ମିଳିଛି। ୧୬୩ କିଲୋମିଟରରୁ ଊର୍ଦ୍ଧ୍ୱ ଲମ୍ବ ବିଶିଷ୍ଟ ଏହି ପ୍ରକଳ୍ପ ପାଇଁ କେନ୍ଦ୍ର ସରକାର ୮ ହଜାର ୩୦୦ କୋଟିରୁ ଊର୍ଦ୍ଧ୍ୱ ଟଙ୍କାର ବ୍ୟୟ ବରାଦ କରିଛନ୍ତି। ଏହି ବୃହତ୍ ପ୍ରକଳ୍ପକୁ ୨ଟି ପର୍ଯ୍ୟାୟରେ ବିଭକ୍ତ କରାଯାଇଛି। ପ୍ରଥମ ପର୍ଯ୍ୟାୟ ଅଧୀନରେ ରାମେଶ୍ୱରଠାରୁ କାକଟପୁର ପର୍ଯ୍ୟନ୍ତ ପ୍ରାୟ ୭୯ କିଲୋମିଟର ସଡକପଥକୁ ୪ ଲେନ୍ ବିଶିଷ୍ଟ ରାସ୍ତାରେ ପରିଣତ କରାଯିବ ଏବଂ ଦ୍ୱିତୀୟ ପର୍ଯ୍ୟାୟ ଅଧୀନରେ କାକଟପୁରଠାରୁ ପାରାଦ୍ୱୀପ ପର୍ଯ୍ୟନ୍ତ ପ୍ରାୟ ୮୦ କିଲୋମିଟର ରାସ୍ତାକୁ ପକ୍କା ସୋଲଡର ବିଶିଷ୍ଟ ଦୁଇଲେନ୍ ବିଶିଷ୍ଟ ସଡକପଥ ଭାବେ ନିର୍ମାଣ କରାଯିବ।

ଏ ସମ୍ପର୍କରେ କେନ୍ଦ୍ର ସୂଚନା ଓ ପ୍ରସାରଣ ମନ୍ତ୍ରୀ **ଅଶ୍ୱିନୀ ବୈଷ୍ଣବ** କହିଛନ୍ତି...

**- V/O -**

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏଥିପାଇଁ କେନ୍ଦ୍ର ସରକାରଙ୍କୁ କୃତଜ୍ଞତା ଜଣାଇବା ସହ ସାମାଜିକ ଗଣମାଧ୍ୟମରେ ଉଲ୍ଲେଖ କରିଛନ୍ତି, ଏହି ନିଷ୍ପତ୍ତି ଦ୍ୱାରା ସଂଯୋଗୀକରଣ ବ୍ୟବସ୍ଥା ସୁଦୃଢ଼ ହେବା ସହ ପର୍ଯ୍ୟଟନ, ବ୍ୟବସାୟ ଏବଂ ଆର୍ଥିକ ଅଭିବୃଦ୍ଧି ପାଇଁ ନୂତନ ସୁଯୋଗ ସୃଷ୍ଟି କରିବ।

କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ କହିଛନ୍ତି, ରାଜ୍ୟର ଉପକୂଳବର୍ତ୍ତୀ ଅଂଚଳରେ ଯୋଗାଯୋଗ ଭିତ୍ତିଭୂମି ସୁଦୃଢ଼ କରିବା ସହ ନୀଳ ଅର୍ଥନୀତି ଏବଂ ଶିଳ୍ପାୟନକୁ ଏହା ଗତିଶୀଳ କରିବ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ 'ପୂର୍ବୋଦୟ ମିଶନ'ରେ  ଓଡ଼ିଶାର ଆର୍ଥିକ ପ୍ରଗତି, ପର୍ଯ୍ୟଟନ ଏବଂ ବାଣିଜ୍ୟ କ୍ଷେତ୍ରରେ ଏହି ପ୍ରକଳ୍ପ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିବ ବୋଲି ଶ୍ରୀ ପ୍ରଧାନ ଆଶା ବ୍ୟକ୍ତ କରିଛନ୍ତି।

## କ୍ୟାବିନେଟ୍-୨

କେନ୍ଦ୍ର କ୍ୟାବିନେଟ୍ ଭାରତୀୟ ବିମାନ କମ୍ପାନୀଗୁଡ଼ିକୁ ସେମାନଙ୍କର ଘରୋଇ ଏବଂ ଅନ୍ତର୍ଜାତୀୟ ବିମାନସେବା ପାଇଁ ଜେଟ୍ ଇନ୍ଧନ-ଏ.ଟି.ଏଫ୍. ମୂଲ୍ୟରେ ସ୍ଥିରତା ବଜାୟ ରଖିବା ନିମନ୍ତେ ତୈଳ ବିପନଣନ କମ୍ପାନୀଗୁଡ଼ିକୁ ୧୦ ହଜାର କୋଟି ଟଙ୍କାର ଏକକାଳୀନ ବଜେଟ୍ ସହାୟତା ମଞ୍ଜୁର କରିଛନ୍ତି।

## ବ୍ରିକ୍ସ ସମ୍ମିଳନୀ

ବିପର୍ଯ୍ୟୟ ପରିଚାଳନା ବିପଦ ହ୍ରାସ ନେଇ **ପୁରୀ**ରେ ବ୍ରିକ୍ସ ରାଷ୍ଟ୍ରସମୂହର ଦ୍ୱିତୀୟ ବୈଷୟିକ କାର୍ଯ୍ୟଗୋଷ୍ଠୀ ବୈଠକ ଆଜିଠାରୁ ଆରମ୍ଭ ହୋଇଛି। ପ୍ରତିରୋଧ କ୍ଷମତା, ପାରସ୍ପରିକ ସହଯୋଗ ତଥା ସମନ୍ୱୟ ଏବଂ ନିରନ୍ତର ଧାରଣୀୟ ବିକାଶର ନିର୍ମାଣ ଶୀର୍ଷକରେ ଏହି ବୈଠକ ଆୟୋଜିତ ହୋଇଛି। ଜାତୀୟ ବିପର୍ଯ୍ୟୟ ପରିଚାଳନା ପ୍ରାଧିକରଣର ବିଭାଗ ମୁଖ୍ୟ ଡକ୍ଟର କୃଷ୍ଣ ସ୍ୱରୂପ ଭତ୍ସା କହିଛନ୍ତି, ବିପର୍ଯ୍ୟୟ ପରିଚାଳନା କ୍ଷେତ୍ରରେ ଓଡ଼ିଶା ଅଗ୍ରଣୀ ରାଜ୍ୟ ଭାବେ ଉଲ୍ଲେଖନୀୟ ସଫଳତା ହାସଲ କରିଛି।

ଆଗାମୀ ଦିନରେ ସାଧାରଣ ଶିକ୍ଷା, ସହଯୋଗ ଓ ଅନୁଭବ ବିନିମୟ ମାଧ୍ୟମରେ ସ୍ଥାୟୀ ଓ ବିପର୍ଯ୍ୟୟ ବିପଦ ହ୍ରାସ ବ୍ୟବସ୍ଥା ଗଠନ ଦିଗରେ ବ୍ରିକ୍ସ ଦେଶମାନଙ୍କ ମଧ୍ୟରେ ସହଯୋଗ ଆହୁରି ସୁଦୃଢ଼ ହେବ ବୋଲି ଶ୍ରୀ ଭସ୍ମା ଆଶା ବ୍ୟକ୍ତ କରିଛନ୍ତି। ସମୁଦାୟ ଭିତ୍ତିକ ବିପର୍ଯ୍ୟୟ ବିପଦ ହ୍ରାସ, ପରିଚାଳନା ପାଇଁ ଅର୍ଥବ୍ୟବସ୍ଥା, ବହୁମୁଖୀ ପୂର୍ବ ସତର୍କତା ବ୍ୟବସ୍ଥା, ସ୍ଥିର ଭିତ୍ତିଭୂମି, ବିଜ୍ଞାନ, ପ୍ରଯୁକ୍ତିବିଦ୍ୟାର ବ୍ୟବହାର ଉପରେ ଗୁରୁତ୍ୱ ଦିଆଯିବା ଆବଶ୍ୟକ ବୋଲି ଅନ୍ୟ ବକ୍ତାମାନେ ଆଲୋଚନାରେ ଭାଗ ନେଇ ମତ ବ୍ୟକ୍ତ କରିଛନ୍ତି।

କାର୍ଯ୍ୟକ୍ରମରେ ଭାରତ ସମେତ ବ୍ରାଜିଲ, ରୁଷିଆ, ଚୀନ୍, ଦକ୍ଷିଣ ଆଫ୍ରିକା, ଇଥିଓପିଆ, ଇଣ୍ଡୋନେସିଆ, ଇରାନ୍, ସାଉଦିଆରବ, ଇଜିପ୍ଟ ଏବଂ ୟୁଏଇର ପ୍ରତିନିଧିଗଣ ଯୋଗଦେଇଛନ୍ତି। ଶୁକ୍ରବାର ପର୍ଯ୍ୟନ୍ତ ଚାଲିବାକୁ ଥିବା ଏହି ବୈଠକରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ସମେତ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ଏବଂ ବୈଦେଶିକ ମନ୍ତ୍ରଣାଳୟର ବରିଷ୍ଠ ଅଧିକାରୀମାନେ ଯୋଗଦେବାର କାର୍ଯ୍ୟସୂଚୀ ରହିଛି।

## ପଂଚାୟତ ପୁରସ୍କାର

ପଂଚାୟତିରାଜ ମନ୍ତ୍ରଣାଳୟ ପକ୍ଷରୁ ଆଜି ଜାତୀୟ ପଂଚାୟତ ପୁରସ୍କାର ପ୍ରଦାନ କରାଯାଇଛି। କେନ୍ଦ୍ର ପଂଚାୟତିରାଜ ମନ୍ତ୍ରୀ ରାଜୀବ ରଂଜନ ସିଂ ଏହି ପୁରସ୍କାର ପ୍ରଦାନ କରିଛନ୍ତି। ଏଥିରେ ଓଡ଼ିଶାରୁ ୫ଟି ବର୍ଗରେ ପୁରସ୍କୃତ କରାଯାଇଛି। ଦୀନଦୟାଲ ଉପାଧ୍ୟାୟ ପଂଚାୟତ ଶତତ ବିକାଶ ପୁରସ୍କାର ବର୍ଗରେ ଗଞ୍ଜାମ ଜିଲ୍ଲା ଛତ୍ରପୁର ବ୍ଲକ୍ ଅଧୀନ ପୋଟଲାମପୁର ଗ୍ରାମ

ପଂଚାୟତ ସୁସ୍ଥ ଗ୍ରାମପଂଚାୟତ ଭାବେ ଦେଶରେ ଯୁଗ୍ମ ତୃତୀୟ ସ୍ଥାନ ଅଧୀକାର କରିଛି। ସ୍ୱଚ୍ଛ ଓ ସବୁଜ ଗ୍ରାମପଂଚାୟତ ବର୍ଗରେ ସୁନ୍ଦରଗଡ଼ ଜିଲ୍ଲା ଲାଠିକଟା ବ୍ଲକ୍‌ର ହାତୀବନ୍ଧା ଗ୍ରାମପଂଚାୟତ ଦେଶରେ ଯୁଗ୍ମଭାବେ ଦ୍ୱିତୀୟ ସ୍ଥାନ ଅଧିକାର କରିଛି।  ନାନାଜୀ ଦେଶମୁଖ ସର୍ବୋତ୍ତମ ପଂଚାୟତ ଶତତ ବିକାଶ ପୁରସ୍କାର ବର୍ଗରେ ଗଞ୍ଜାମ ଜିଲ୍ଲା ପରିଷଦ ଦେଶରେ ଦ୍ୱିତୀୟ ସ୍ଥାନରେ ରହିଛି।

## ମଠ

ମହାପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ନାମରେ ଥିବା ଜମିରେ ବର୍ଷ ବର୍ଷ ଧରି ବସତି ସ୍ଥାପନ କରିଆସୁଥିବା ସେବକ, ନିଯୋଗ ଏବଂ ମଠଗୁଡ଼ିକୁ ଭୂ-ସମ୍ପତ୍ତିଗତ ଅଧିକାର ଦେବା ପାଇଁ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଛି। ଲୋକସେବା ଭବନରେ ବୈଠକରେ ଆଇନ୍, ପୂର୍ତ୍ତ ଓ ଅବକାରୀ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଦୀର୍ଘଦିନ ଧରି ଶ୍ରୀଜଗନ୍ନାଥଙ୍କ ନାମରେ ଥିବା ଜମିରେ ବସବାସ କରୁଥିବା ସେବକ, ନିଯୋଗ ଏବଂ ମଠଗୁଡ଼ିକୁ ଠିକ୍ ବନ୍ଦୋବସ୍ତ କରାଯିବା ଉପରେ ଗୁରୁତ୍ୱ ପ୍ରଦାନ କରିଥିଲେ।

## ଇ-ହୁଣ୍ଡି

ପୁରୀ ଶ୍ରୀଜଗନ୍ନାଥ ମନ୍ଦିରରେ ଇ-ହୁଣ୍ଡି ବ୍ୟବସ୍ଥା କାର୍ଯ୍ୟକାରୀ କରିବା ପାଇଁ ଏକ ଉଚ୍ଚସ୍ତରୀୟ ବୈଠକ ଅନୁଷ୍ଠିତ ହୋଇଯାଇଛି। ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନଙ୍କ ଅଧ୍ୟକ୍ଷତାରେ ଆୟୋଜିତ ବୈଠକରେ ଇ-ହୁଣ୍ଡି ବ୍ୟବସ୍ଥାକୁ ସଫଳ ଭାବେ କାର୍ଯ୍ୟକାରୀ କରିବା ନେଇ ଆଲୋଚନା ହୋଇଛି। ବୈଠକରୁ ଜଣାପଡିଛି, ଦାନ ଅର୍ଥରାଶି ପାଇଁ ଆୟକର ଛାଡ ବ୍ୟବସ୍ଥା ରହିବ। ଭକ୍ତଙ୍କଠାରୁ ଦାନ ସୂତ୍ରରେ ଆସିବାକୁ ଥିବା ଅର୍ଥ କେବଳ

ଶ୍ରୀମନ୍ଦିରର ବିକାଶ ଦିଗରେ ଖର୍ଚ୍ଚ ହେବ। ଏହି ବ୍ୟବସ୍ଥା କାର୍ଯ୍ୟକାରୀ ହେଲେ ଦେଶ ତଥା ରାଜ୍ୟ ବାହାରେ ରହୁଥିବା ଭକ୍ତମାନେ ଶ୍ରୀମନ୍ଦିର ହୁଣ୍ଡିକୁ ସହଜରେ ଅର୍ଥରାଶି ପଠାଇପାରିବେ। ତେବେ ଏହି ବ୍ୟବସ୍ଥାକୁ ସାଇବର ଅପରାଧରୁ ମୁକ୍ତ କରିବା ପଦକ୍ଷେପ ନେବାକୁ ମନ୍ତ୍ରୀ ପରାମର୍ଶ ଦେଇଛନ୍ତି।

## ବନକଲାଗି

ଜ୍ୟେଷ୍ଠ ମଳମାସ ତୃତୀୟା ତିଥିରେ ଆଜି ପୁରୀ ଶ୍ରୀମନ୍ଦିରରେ ମହାପ୍ରଭୁଙ୍କର ବନକଲାଗି ନୀତି ଅନୁଷ୍ଠିତ ହେଉଛି । ମହାପ୍ରଭୁଙ୍କ ଏହି ଶୃଙ୍ଗାର ଗୁପ୍ତନୀତି ପାଇଁ ଆଜି ସନ୍ଧ୍ୟା ୬ଟାରୁ ରାତି ୧୦ଟା ପର୍ଯ୍ୟନ୍ତ ସର୍ବସାଧାରଣ ଦର୍ଶନ ବନ୍ଦ ରହିଛି ବୋଲି ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସୂଚନା ଦିଆଯାଇଛି।

## ଛାତ୍ରାବାସ ଉଦ୍‌ଘାଟନ

ଭୁବନେଶ୍ୱର ବାସୁଆଘାଇଠାରେ ଓଡ଼ିଶା ଅର୍ବାନ ଏକାଡେମୀର ନବନିର୍ମିତ ଛାତ୍ରାବାସକୁ ଗୃହ ନିର୍ମାଣ ଓ ନଗର ଉନ୍ନୟନ ମନ୍ତ୍ରୀ ଡକ୍ଟର କୃଷ୍ଣଚନ୍ଦ୍ର ମହାପାତ୍ର ଉଦ୍‌ଘାଟନ କରିଛନ୍ତି। ଶ୍ରୀ ମହାପାତ୍ର କହିଛନ୍ତି, ରାଜ୍ୟରେ ସହରୀବିକାଶ ଲକ୍ଷ୍ୟ ହାସଲ କରିବା ପାଇଁ ଦକ୍ଷତା ବୃଦ୍ଧି ଗୁରୁତ୍ୱପୂର୍ଣ୍ଣ। ଏହି ଅବସରରେ ଓଡ଼ିଶା ଅର୍ବାନ ଏକାଡେମୀର ବାର୍ଷିକ ପ୍ରଶିକ୍ଷଣ କ୍ୟାଲେଣ୍ଡର ମଧ୍ୟ ଉନ୍ମୋଚିତ ହୋଇଛି। ୯ କୋଟି ୪୫ ଲକ୍ଷ ଟଙ୍କା ବ୍ୟୟରେ ନିର୍ମିତ ଏହି ଛାତ୍ରାବାସକୁ ସ୍ୱତନ୍ତ୍ର ଆବାସିକ ସୁବିଧା ଭାବେ ବିକଶିତ କରାଯାଇଛି।

## ନିରପେକ୍ଷ ସମ୍ବାଦ

ସମାଜରେ ସତ୍ୟ ନିରପେକ୍ଷ ସମ୍ବାଦ ପରିବେଷଣ ସହ ଗ୍ରାମାଞ୍ଚଳର ସମସ୍ୟାକୁ ନେଇ ସରକାରଙ୍କ ଦୃଷ୍ଟି ଆକର୍ଷଣରେ ସାମ୍ବାଦିକମାନେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କରିଥାନ୍ତି ବୋଲି ଉଚ୍ଚଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ କହିଛନ୍ତି। ଭଦ୍ରକରେ ଓଡ଼ିଶା ସାମ୍ବାଦିକ ସଂଘର ରାଜ୍ୟ କାର୍ଯ୍ୟକାରିଣୀ ବୈଠକରେ ଶ୍ରୀ ସୂରଜ ଯୋଗଦେଇ ସାମ୍ବାଦିକମାନଙ୍କ ଦାବି ଓ ସମସ୍ୟାକୁ ସରକାର ବିଚାର କରୁଥିବା କହିଛନ୍ତି।

## ମହେନ୍ଦ୍ର ମିଶ୍ର ସମ୍ବର୍ଦ୍ଧିତ

ମାତୃଭାଷା, ଲୋକସାହିତ୍ୟ ଓ ଲୋକସଂସ୍କୃତି କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ପଦ୍ମଶ୍ରୀ ସମ୍ମାନପ୍ରାପ୍ତ ଡକ୍ଟର ମହେନ୍ଦ୍ର ମିଶ୍ରଙ୍କୁ ରାଜ୍ୟ ସରକାରଙ୍କ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଛି। ଏହା ସହ ଶ୍ରୀ ମିଶ୍ରଙ୍କୁ ଓଡ଼ିଆ ଭର୍ଚୁଆଲ ଏକାଡେମୀର ବ୍ରାଣ୍ଡ ଆମ୍ବାସାଡର ଭାବେ ମନୋନୀତ କରାଯାଇଛି।

## ସମୀକ୍ଷା ବୈଠକ

**ନୂଆପଡା** ଜିଲ୍ଲାରେ ଜିଲ୍ଲାପାଳ ମଧୁସୂଦନ ଦାସଙ୍କ ଅଧ୍ୟକ୍ଷତାରେ ଜିଲ୍ଲା ମୁଖ୍ୟାଳୟ ସମ୍ମିଳନୀ କକ୍ଷରେ ଶିକ୍ଷା-ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଜିଲ୍ଲାପାଳ ସମସ୍ତ ବ୍ଲକ୍ ଶିକ୍ଷାଅଧିକାରୀମାନଙ୍କୁ ବର୍ଷସାରା ହେବାକୁ ଥିବା ବିଭିନ୍ନ କାର୍ଯ୍ୟକଳାପ ସମ୍ପର୍କରେ ବାର୍ଷିକ କାର୍ଯ୍ୟସୂଚୀ ପ୍ରସ୍ତୁତ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏହି ଅବସରରେ ବିଭିନ୍ନ ପରୀକ୍ଷାରେ କୃତୀତ୍ୱ ହାସଲ କରିଥିବା ପରୀକ୍ଷାର୍ଥୀମାନଙ୍କୁ ଜିଲ୍ଲାପାଳ ଅଭିନନ୍ଦନ ଜଣାଇଛନ୍ତି।

## ଧାନ କ୍ରୟ

**ବୌଦ୍ଧ** ଜିଲ୍ଲାର କଣ୍ଟାମାଳ ବ୍ଲକ୍‌ର ମନୋମୁଣ୍ଡା ଓ ହରଭଙ୍ଗା ବ୍ଲକର ବୀରନରସିଂହପୁରଠାରେ ରବିଧାନ କ୍ରୟ ପ୍ରକ୍ରିୟା ଆରମ୍ଭ ହୋଇଛି। ରବିଧାନ ପାଇଁ ୧ ଲକ୍ଷ ୮୫ ହଜାର ୫୦୦ କୁଇଣ୍ଟାଲ ଧାନ କ୍ରୟ ପାଇଁ ଲକ୍ଷ୍ୟ ରଖାଯାଇଥିବାବେଳେ ୨୪ଟି ପ୍ୟାକ୍ସ ମାଧ୍ୟମରେ ଧାନ କ୍ରୟ କରାଯିବ ବୋଲି ଜଣାପଡିଛି। ବୀର ନରସିଂହପୁରର ବିପଣନ କେନ୍ଦ୍ରରେ ସାମ୍ଭୋଚ ଓ ମଥୁରା ପ୍ୟାକ୍ସ ପକ୍ଷରୁ ୬୬୨ ଜଣ ଚାଷୀ ଧାନ ବିକ୍ରୟ ପାଇଁ ପଞ୍ଜୀକରଣ କରିଥିବା ଜଣାପଡିଛି।

## ସମ୍ବର୍ଦ୍ଧନା ସମାରୋହ

**ବୌଦ୍ଧ** ଜିଲ୍ଲାର କଳା ଓ ସଂସ୍କୃତି ସଂଘ ଆନୁକୂଲ୍ୟରେ ଜିଲ୍ଲାପାଳଙ୍କ ସଦ୍‌ଭାବନା ଗୃହରେ କଳାକାର ସ୍ୱାଗତ ସମ୍ବର୍ଦ୍ଧନା ସମାରୋହ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାର କଳା, ସଂସ୍କୃତି ଓ ଲୋକ ପରମ୍ପରାର ସୁରକ୍ଷା, ସଂରକ୍ଷଣ ଏବଂ ପ୍ରସାର ଦିଗରେ କଳାକାରମାନଙ୍କ ଅବଦାନ ଅତୁଳନୀୟ ବୋଲି ଜିଲ୍ଲାପାଳ କହିଛନ୍ତି।

## ପାଣିପାଗ

ଦକ୍ଷିଣ-ପଶ୍ଚିମ ମୌସୁମୀ ବାୟୁ ଆସନ୍ତାକାଲି କେରଳମ୍ ସ୍ପର୍ଶ କରିବା ନେଇ ଭାରତୀୟ ପାଣିପାଗ ବିଭାଗ ଆକଳନ କରିଛି । ପାଣିପାଗ ବିଭାଗର ସୂଚନା ଅନୁସାରେ ଏଲନିନୋ ପ୍ରଭାବରୁ ମୌସୁମୀ ବାୟୁର ଅଗ୍ରଗତି ମନ୍ଥର ରହିଛି। ପାଣିପାଗ ବିଭାଗର ମହାନିର୍ଦ୍ଦେଶକ ଡକ୍ଟର ମୃତ୍ୟୁଞ୍ଜୟ ମହାପାତ୍ର

କହିଛନ୍ତି, ଏଲ୍‌ନିନୋର ପ୍ରଭାବରେ ମୌସୁମୀଜନିତ ବର୍ଷା କମ୍ ହୋଇପାରେ। ଜୁନ୍‌ରୁ ସେପ୍ଟେମ୍ବର ମାସ ମଧ୍ୟରେ କମ୍ ବର୍ଷା ହେବାର ସମ୍ଭାବନା ରହିଛି।

ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବିଜୁଳି ଘଡଘଡି ସହ ବର୍ଷା ହେବା ନେଇ ପ୍ରାୟ ସମସ୍ତ ଜିଲ୍ଲାକୁ ପାଣିପାଗ କେନ୍ଦ୍ର ପକ୍ଷରୁ ସତର୍କ ସୂଚନା ଜାରି କରାଯାଇଛି।

ଅପରପକ୍ଷରେ, କାଳବୈଶାଖୀଜନିତ ବର୍ଷାର ପ୍ରଭାବରେ ରାଜ୍ୟରେ ତାପମାତ୍ରା ହ୍ରାସ ପାଇଛି।